# ଭୁବନେଶ୍ୱର ମହାନଗର ନିଗମ, ଭୁବନେଶ୍ୱର

## ଗ୍ରୀଭାନ୍‌ସେସ୍ ଆଣ୍ଡ ସୋସିଆଲ ଜଷ୍ଟିସ୍ ଷ୍ଟାଣ୍ଡିଂ କମିଟି ବୈଠକ ବିବରଣୀ

ତା 05.08.2022 ରିଖ,

ସମୟ- ଅପରାହ୍ନ ଘ.4.00 ଟିକା
ସ୍ଥାନ- ନିଗମ ସଭାକକ୍ଷ "ଏକାମ୍ର"

ଉପସ୍ଥିତ ସଭ୍ୟ/ସଭ୍ୟା :-

୧. ଶ୍ରୀମତୀ ବିନୟିନୀ ଜେନା, ଚେୟାରପରସନ୍
୨. ଶ୍ରୀ ଶିବ ନାରାୟଣ ରାୟ,
୩. ଶ୍ରୀମତୀ ଇତିଶ୍ରୀ ଦାସ,
୪. ଶ୍ରୀମତୀ ପ୍ରଭାସିନି ମହାନ୍ତି,
୫. ଶ୍ରୀମତୀ ଗିତାଞ୍ଜଳୀ ସାହୁ,
୬. ଶ୍ରୀମତୀ ସଞ୍ଜୁକ୍ତା ସୁନ୍ଦରାୟ

ଅଦ୍ୟ ତା 05.08.2022 ରିଖ ଅପରାହ୍ନ ଘ. 4.00 ଟିକା ସମୟରେ ନିଗମ ସଭାକକ୍ଷ "ଏକାମ୍ର" ରେ ଭୁବନେଶ୍ୱର ମହାନଗର ନିଗମର ଗ୍ରୀଭାନ୍‌ସେସ୍ ଆଣ୍ଡ ସୋସିଆଲ ଜଷ୍ଟିସ୍ ଷ୍ଟାଣ୍ଡିଂ କମିଟିର ଏକ ବୈଠକ ଅନୁଷ୍ଠିତ ହୋଇଥିଲା । ଏହି ବୈଠକରେ କମିଟିର ସଭାପତି ଶ୍ରୀମତୀ ବିନୟିନୀ ଜେନା ସଭାପତିତ୍ୱ କରିଥିଲେ । ପ୍ରାରମ୍ଭରେ ସଭାପତି ଉପସ୍ଥିତ ସଭ୍ୟ/ସଭ୍ୟା ମାନଙ୍କୁ ସ୍ୱାଗତ କରିବା ପରେ ସଭା କାର୍ଯ୍ୟ ଆରମ୍ଭ ହୋଇଥିଲା ।

ପ୍ରସ୍ତାବ-୧. ସଭାପତିଙ୍କ ଅନୁମତି କ୍ରମେ ନିମ୍ନଲିଖିତ ପ୍ରସ୍ତାବ ଉପରେ ଆଲୋଚନା କରାଯାଇ ନିମ୍ନ ମତେ ସିଦ୍ଧାନ୍ତ ଗ୍ରହଣ କରାଗଲା ।

ନିର୍ଦ୍ଧାରଣ-୧(୧). ଭୁବନେଶ୍ୱର ମହାନଗର ନିଗମାଂଚଳର ୱାର୍ଡ଼ ନଂ-୫୧ ରୁ Green garbage ଉଠୁନଥିବାର କମିଟିଙ୍କ ନଜରକୁ ଆସିଅଛି । ତେଣୁ ନିଗମାଂଚଳରେ ଯେଉଁଠାରେ Green garbage ପଡ଼ି ରହିଅଛି ତାହାକୁ ଶୀଘ୍ର ଉଠାଇବା ପାଇଁ ନଗର ସ୍ୱାସ୍ଥ୍ୟ ଅଧିକାରୀଙ୍କୁ ନିର୍ଦ୍ଦେଶ ଦେବା ନିମନ୍ତେ ସର୍ବ ସମ୍ମତିକ୍ରମେ ମେୟରଙ୍କୁ ସୁପାରିଶ କରାଗଲା ।

ନିର୍ଦ୍ଧାରଣ-୧(୨). ଭୁବନେଶ୍ୱର ମହାନଗର ନିଗମର ୱାର୍ଡ଼ ଅଫିସ୍‌ରେ ସ୍ମାର୍ଟ କିଓସ୍କ କାର୍ଯ୍ୟକ୍ଷମ ନହୋଇ ପଡ଼ି ରହିଅଛି, ତାହାକୁ ଶୀଘ୍ର କାର୍ଯ୍ୟକ୍ଷମ କରିବା ପାଇଁ ପଦକ୍ଷେପ ନେବା ନିମନ୍ତେ ସର୍ବ ସମ୍ମତିକ୍ରମେ ମେୟରଙ୍କୁ ସୁପାରିଶ କରାଗଲା ।

ନିର୍ଦ୍ଧାରଣ-୧(୩). ଜାଗା ମିଶନ୍ କାର୍ଯ୍ୟପାଇଁ ଗଠନ ହୋଇଥିବା SDA ଗୁଡ଼ିକ ଠିକ୍ ସମୟରେ ଠିକ୍ ଭାବରେ କାର୍ଯ୍ୟ ସମ୍ପାଦନ କରୁନାହିଁ, ଫଳରେ ଜନସାଧାରଣ ଅସୁବିଧାର ସମ୍ମୁଖିନ ହେଉଛନ୍ତି । ତେଣୁ ପ୍ରତ୍ୟେକ SDA ରେ ସମ୍ପୃକ୍ତ ୱାର୍ଡ଼ର କର୍ପୋରେଟରଙ୍କୁ ଚେୟାର୍‌ପର୍ସନ୍ ଭାବେ ଅବସ୍ଥାପିତ କରିବା ପାଇଁ ରାଜ୍ୟ ସରକାରଙ୍କୁ ଅନୁରୋଧ କରିବା ନିମନ୍ତେ ସର୍ବ ସମ୍ମତିକ୍ରମେ ମେୟରଙ୍କୁ ସୁପାରିଶ କରାଗଲା ।

ସର୍ବ ଶେଷରେ ସମସ୍ତ ସଭ୍ୟ/ସଭ୍ୟା ମାନେ ବୈଠକରେ ଉପର ବର୍ଣ୍ଣିତ ଆଲୋଚନାରେ ଅଂଶଗ୍ରହଣ କରି ସୁଚିନ୍ତିତ ମତାମତ ପ୍ରଦାନ କରିଥିବାରୁ ସଭାପତି ସମସ୍ତଙ୍କୁ ଧନ୍ୟବାଦ ଦେବା ପରେ ଅପରାହ୍ନ ଘ. 5.30 ମିନିଟ୍ ସମୟରେ ସଭା ଶେଷ କରାଗଲା ।

ସ୍ୱା/-ବିନୟିନୀ ଜେନା
ସଭାପତି
ତା 05.08.2022 ରିଖ